

ରାଜ୍ୟ ସଂଗ୍ରହାଳୟ ପରିସରରେ ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର ପ୍ରତିଷ୍ଠା ପାଇଁ ଶୁକ୍ରବାର ସଂଗ୍ରହାଳୟ ଓ କେନ୍ଦ୍ର ସାହିତ୍ୟ ଏକାଡେମୀ ମଧ୍ୟରେ ଚୁକ୍ତିସ୍ୱାକ୍ଷର କରାଯାଇଛି ।

# ରାଜ୍ୟ ସଂଗ୍ରହାଳୟରେ ଖୋଲିବ 'ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର'

ଭୁବନେଶ୍ୱର, ୧୬।୧୨ (ବ୍ୟୁରୋ)

ରାଜ୍ୟ ସଂଗ୍ରହାଳୟ ପରିସରରେ କେନ୍ଦ୍ର ସାହିତ୍ୟ ଏକାଡେମୀର ଏକ 'ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର' ସର୍ବସାଧାରଣଙ୍କ ନିମନ୍ତେ ପ୍ରତିଷ୍ଠା ହେବ। ଗତ ସେପ୍ଟେମ୍ବର ୮ରେ ଏନେଇ ହୋଇଥିବା ନିଷ୍ପତ୍ତି ଅନୁସାରେ ଶୁକ୍ରବାର ରାଜ୍ୟ ସଂଗ୍ରହାଳୟ ଏବଂ କେନ୍ଦ୍ର ସାହିତ୍ୟ ଏକାଡେମୀ ମଧ୍ୟରେ ଚୁକ୍ତିନାମା ସ୍ୱାକ୍ଷରିତ ହୋଇଛି। ଏହି କେନ୍ଦ୍ର ମାଧ୍ୟମରେ ପୂର୍ବାଞ୍ଚଳ ଓ ଉତ୍ତର ପୂର୍ବାଞ୍ଚଳରେ ଜନଜାତି ସାହିତ୍ୟର ପ୍ରଚାର, ପ୍ରସାର ତଥା ଗବେଷଣା ପାଇଁ ସୁଯୋଗ ସୃଷ୍ଟି ହେବ। ଆଗ୍ରହୀ ସାହିତ୍ୟିକ ଓ ଗବେଷକମାନେ ଏହି କେନ୍ଦ୍ରର ସଦୁପଯୋଗ କରିବାକୁ ଅନୁରୋଧ କରାଯାଇଛି। କାର୍ଯ୍ୟକ୍ରମରେ ରାଜ୍ୟ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗର ନିର୍ଦ୍ଦେଶକ ରଞ୍ଜନ କୁମାର ଦାସ ଓ ରାଜ୍ୟ ସଂଗ୍ରହାଳୟ ଅଧୀକ୍ଷକ ଡ. ଭାଗ୍ୟଲିପି ମଲ୍ଲ ଏବଂ କେନ୍ଦ୍ର ସାହିତ୍ୟ ଏକାଡେମୀ ସଚିବ ଡ. କେ. ଶ୍ରୀନିବାସ ରାଓ ଓ ଏକାଡେମୀର ଓଡ଼ିଆ ଭାଷା ପରାମର୍ଶଦାତା କମିଟି ଆବାହକ ଡ. ବିଜୟାନନ୍ଦ ସିଂହ ଉପସ୍ଥିତ ଥିଲେ।